ସୂଚନା ଓ ଲୋକ ସଂପର୍କ ବିଭାଗ
**Information & Public Relations Department**
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR (OD)/CS-GA-1412-08/03/21**



# ସଡ଼କ ନିରାପତ୍ତା ନିୟମ କଡ଼ାକଡ଼ି ଭାବେ ଲାଗୁ କରିବାକୁ ମୁଖ୍ୟ ଶାସନ ସଚିବଙ୍କ ନିର୍ଦ୍ଦେଶ

## ଜିଲ୍ଲାସ୍ତରୀୟ ପରିଚାଳନା ଉପରେ ଗୁରୁତ୍ୱ

## ୨ ଚକିଆ ଯାନ ଉପରେ ରହିବ କଡ଼ା ନଜର

ଭୁବନେଶ୍ୱର, ୮/୩/୨୧

ରାସ୍ତା ଦୁର୍ଘଟଣାରେ ହେଉଥିବା ଜନଜୀବନହାନି ରୋକିବା ନିମନ୍ତେ ସଡ଼କ ନିରାପତ୍ତା ନିୟମର କଡ଼ାକଡ଼ି ପ୍ରବର୍ତ୍ତନ ନିମନ୍ତେ ମୁଖ୍ୟ ଶାସନ ସଚିବ ଶ୍ରୀ ସୁରେଶ ଚନ୍ଦ୍ର ମହାପାତ୍ର ପୋଲିସ୍ ଅଧିକାରୀ ଏବଂ ଆର୍.ଟି.ଓ ମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଏଥି ନିମନ୍ତେ ପ୍ରତି ଜିଲ୍ଲାରେ ଲକ୍ଷ୍ୟଭେଦୀ କାର୍ଯ୍ୟଯୋଜନା ପ୍ରସ୍ତୁତ କରିବାସହ ସେଗୁଡିକର କାର୍ଯ୍ୟାନ୍ୱୟନ ନିଶ୍ଚିତ କରାଇବା ପାଇଁ ମଧ୍ୟ ନିର୍ଦ୍ଦେଶ ଦେଇଛନ୍ତି । ଆଜି ଏକ ଉଚ୍ଚସ୍ତରୀୟ ବୈଠକରେ ସଡ଼କ ନିରାପତ୍ତା ସ୍ଥିତିର ସମୀକ୍ଷା କରି ଶ୍ରୀ ମହାପାତ୍ର ଏହି ନିର୍ଦ୍ଦେଶ ଦେଇଛନ୍ତି । ରାଜ୍ୟ ଲୋକସେବା ଭବନ ସଭାଗୃହରେ ଆୟୋଜିତ ଏହି ବୈଠକରେ ବାଣିଜ୍ୟ ଓ ପରିବହନ ବିଭାଗ ପ୍ରମୁଖ ଶାସନ ସଚିବ ଶ୍ରୀ ମଧୁସୂଦନ ପାଢ଼ୀ ସଡ଼କ

ନିରାପତ୍ତା ସମ୍ବନ୍ଧିତ ସଦ୍ୟତନ ତଥ୍ୟ ଓ କାର୍ଯ୍ୟଯୋଜନା ଉପସ୍ଥାପନ କରିଥିଲେ । ଜିଲ୍ଲାପାଳ ଏବଂ ଏସ୍.ପି ମାନେ ଭିଡ଼ିଓ କନ୍‌ଫେରେନ୍‌ସିଂ ମାଧ୍ୟମରେ ନିଜ ନିଜ ଜିଲ୍ଲାରେ ନିଆଯାଉଥିବା କାର୍ଯ୍ୟକ୍ରମ ବିଷୟରେ ସୂଚନା ଦେଇଥିଲେ ।

ସମୀକ୍ଷାରୁ ଜଣାପଡିଥିଲା ଯେ ଜାତୀୟସ୍ତରରେ ରାସ୍ତା ଦୁର୍ଘଟଣା ଜନିତ ମୃତ୍ୟୁ ଯୋଗୁ ପ୍ରତି ବର୍ଷ ଜି.ଡି.ପି.ର ପ୍ରାୟ ୩.୧୪ ଶତକଡା କ୍ଷତି ହେଉଛି ଯାହାକି ପ୍ରାୟ ୪ ଲକ୍ଷ କୋଟି ଟଙ୍କା ସହ ସମାନ । ଏଥିରେ ପ୍ରାଣ ହରାଉଥିବା ଲୋକଙ୍କ ମଧ୍ୟରୁ ପ୍ରାୟ ୭୬ ଶତକଡା ହେଉଛନ୍ତି ୧୮ ରୁ ୪୫ ବର୍ଷ ବୟସ୍କ ଉତ୍ପାଦନକ୍ଷମ ବ୍ୟକ୍ତି । ଓଡ଼ିଶାରେ ସଡ଼କ ଦୁର୍ଘଟଣା ମୃତ୍ୟୁର ଶତକଡା ୪୧ ଭାଗ ହେଲ୍‌ମେଟ୍ ପିନ୍ଧିନଥିବା କାରଣରୁ ଘଟୁଛି ଏବଂ ଶତକଡା ୬୯ ଭାଗ ଦୁର୍ଘଟଣା ଦ୍ରୁତ ଗାଡି ଚାଳନା ଯୋଗୁ ଘଟୁଛି । ୨୦୧୯ ମସିହାରେ ପ୍ରାୟ ୨୩୯୭ ଜଣ ୨ ଚକିଆ ଯାନ ଚଳାଳୀ ହେଲ୍‌ମେଟ୍ ପିନ୍ଧିନଥିବା କାରଣରୁ ମସ୍ତିଷ୍କ ଆଘାତରେ ପ୍ରାଣ ହରାଇଛନ୍ତି । ୨୦୧୯ ମସିହାରେ ସମୁଦାୟ ୫୩୩୩ ବ୍ୟକ୍ତି ସଡ଼କ ଦୁର୍ଘଟଣାରେ ପ୍ରାଣ ହରାଇଥିଲେ । ୨୦୨୦ ମସିହାରେ ଏହା ୧୧ ଶତକଡାରୁ ଅଧିକ ହ୍ରାସ ପାଇଥିଲା ।

ଏହି ସମସ୍ତ ତଥ୍ୟର ବିଚାରକରି ଦ୍ରୁତ ଗାଡିଚାଳନା, ହେଲ୍‌ମେଟ୍ ପିନ୍ଧିବା ଆଦି ନିୟମକୁ କଡାକଡି ଲାଗୁ କରିବା ନିମନ୍ତେ ମୁଖ୍ୟ ଶାସନ ସଚିବ ଶ୍ରୀ ମହାପାତ୍ର ନିର୍ଦ୍ଦେଶ ଦେବା ସହ ପ୍ରତି ବର୍ଷ କ୍ରମାଗତ ଭାବେ ମୃତ୍ୟୁ ସଂଖ୍ୟା କମାଇବା ନିମନ୍ତେ ଜିଲ୍ଲାଓ୍ବାରୀ କାର୍ଯ୍ୟଯୋଜନା ପ୍ରସ୍ତୁତ କରିବାକୁ ନିର୍ଦ୍ଦେଶ ଦେଇଥିଲେ । ଏଥିରେ ଗ୍ରାମ୍ୟ ଉନ୍ନୟନ, ପୂର୍ତ୍ତ, ଜାତୀୟ ରାଜପଥ, ପୋଲିସ୍, ପରିବହନ ଅଧିକାରୀଙ୍କ ସମେତ ସଡ଼କ ନିରାପତ୍ତାରେ ଆଗ୍ରହୀ ସ୍ୱେଚ୍ଛାସେବୀ ଅନୁଷ୍ଠାନମାନଙ୍କୁ ସାମିଲ କରିବାକୁ ନିର୍ଦ୍ଦେଶ ଦେଇଥିଲେ । ଜାତୀୟ ରାଜପଥ ଏବଂ ଅନ୍ୟାନ୍ୟ ମୁଖ୍ୟ ରାସ୍ତାକୁ ସଂଯୋଗ କରୁଥିବା ରାସ୍ତାଗୁଡିକର ସଂଯୋଗ ସ୍ଥାନ ଠିକ୍ ପୂର୍ବରୁ 'ରମ୍ବଲ'ର ଦେବାସହ ସତର୍କ ସୂଚନା ପଳକ ଲଗାଇବାକୁ ମଧ୍ୟ ନିର୍ଦ୍ଦେଶ ଦେଇଥିଲେ । ଦୁର୍ଘଟଣା ଘଟିବା ସ୍ଥାନରେ ଜୀବନ ସହାୟକ ଆମ୍ବୁଲାନ୍‌ସ ପହଞ୍ଚିବାର ସମୟକୁ କମାଇବା ଏବଂ ଆମ୍ବୁଲାନ୍‌ସ ଗୁଡିକର 'ରିଅଲ ଟାଇମ' ପରିଚାଳନାକୁ ଅଧିକ ଲକ୍ଷଭେଦୀ କରିବା ପାଇଁ ଶ୍ରୀ ମହାପାତ୍ର ମଧ୍ୟ ନିର୍ଦ୍ଦେଶ ଦେଇଥିଲେ । ରାସ୍ତା ଦୁର୍ଘଟଣା, ଉଦ୍ଧାର ଏବଂ ୧ ଘଣ୍ଟା ମଧ୍ୟରେ ନିକଟବର୍ତ୍ତୀ ହସ୍‌ପିଟାଲ୍‌ରେ ଦୁର୍ଘଟଣାଗ୍ରସ୍ତ ବ୍ୟକ୍ତିଙ୍କର ଚିକିତ୍ସା ଆଦି ବିଷୟକୁ ଜଣେ ବରିଷ୍ଠ ପୋଲିସ୍ ଅଧିକାରୀଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ରଖିବା ପାଇଁ ବୈଠକରେ ଆଲୋଚନା ହୋଇଥିଲା ।

ପ୍ରମୁଖ ଶାସନ ସଚିବ ଶ୍ରୀ ପାଢ଼ୀ ଜଣାଇଥିଲେ ଯେ ୨୦୧୬ ମସିହାରେ ଜାତୀୟ ରାଜପଥ, ରାଜ୍ୟ ରାଜପଥ ଏବଂ ଅନ୍ୟାନ୍ୟ ମୁଖ୍ୟ  ରାସ୍ତା ଆଦିରେ ଚିହ୍ନଟ ହୋଇଥିବା ୨୮୬ ଟି ଦୁର୍ଘଟଣା ପ୍ରବଣ ସ୍ଥାନ (ବ୍ଲାକ୍ ସ୍ପଟ୍ ) ଗୁଡିକର ଆଶୁ ସଂଶୋଧନ କାର୍ଯ୍ୟ ସରିଛି ।  ସେହିପରି ୨୦୧୭ ମସିହାରେ ଚିହ୍ନଟ ହୋଇଥିବା ୪୩୫ ଟି, ଏବଂ ୨୦୧୮ ମସିହାରେ ଚିହ୍ନଟ ହୋଇଥିବା ୨୭୫ ଟି ବ୍ଲାକ୍ ସ୍ପଟ୍  ଗୁଡିକର  ମଧ୍ୟ ଆଶୁ ମରାମତି କାର୍ଯ୍ୟ  ସଂପୂର୍ଣ୍ଣ ହୋଇଛି । ୨୦୧୯ ମସିହାରେ ୩୩୫ ଟି  ବ୍ଲାକ୍ ସ୍ପଟ୍ ଚିହ୍ନଟ ହୋଇଛି ।

୨୦୧୯ ମସିହାରେ ଚିହ୍ନଟ ହୋଇଥିବା  ବ୍ଲାକ୍ ସ୍ପଟ୍ ଗୁଡିକର  ମରାମତି କାର୍ଯ୍ୟ  ତୁରନ୍ତ ସାରିବା ପାଇଁ  ମୁଖ୍ୟ ଶାସନ ସଚିବ  ଶ୍ରୀ  ମହାପାତ୍ର ସଂପୃକ୍ତ  ବିଭାଗମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ । ଲଗାତରଭାବେ  ବ୍ଲାକ୍ ସ୍ପଟ୍‌ର  ଚିହ୍ନଟ ଏବଂ ସେସବୁର ମରାମତି କାର୍ଯ୍ୟର  ତଦାରଖ ଜିଲ୍ଲାସ୍ତରରେ କରିବା ସହ ଅଭିଯାନ ଭିତ୍ତିରେ ପ୍ରବର୍ତ୍ତନ  ଏବଂ ସଚେତନତା କାର୍ଯ୍ୟକ୍ରମ  ଚାଲୁରଖି ପ୍ରତି ବର୍ଷ  ଦୁର୍ଘଟଣା ହାର କମାଇବାକୁ   ମୁଖ୍ୟ ଶାସନ ସଚିବ  ଶ୍ରୀ ମହାପାତ୍ର ଜିଲ୍ଲାପାଳ  ଏବଂ ଏସ୍.ପି. ମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ ।

ଅତିରିକ୍ତ ମୁଖ୍ୟ ଶାସନ ସଚିବ  ତଥା କୃଷି ଉତ୍ପାଦନ କମିଶନର ଶ୍ରୀ ରାଜ କୁମାର ଶର୍ମା,ବାଣିଜ୍ୟ ଓ ପରିବହନ ବିଭାଗ  ପ୍ରମୁଖ ଶାସନ ସଚିବ  ଶ୍ରୀ ମଧୁସୂଦନ ପାଢ଼ୀ,  ଅର୍ଥ ବିଭାଗ  ପ୍ରମୁଖ ଶାସନ ସଚିବ ଶ୍ରୀ ଅଶୋକ କୁମାର ମୀନା, ଅତିରିକ୍ତ  ପୋଲିସ୍ ନିର୍ଦ୍ଦେଶକ ସୌମେନ୍ଦ୍ର କୁମାର ପ୍ରିୟଦର୍ଶୀ, ପୋଲିସ୍ କମିଶନର ଡ଼ଃ ସୁଧାଂଶୁ ଷଡ଼ଙ୍ଗୀଙ୍କ ସମେତ ସଂପୃକ୍ତ ବିଭାଗର ବରିଷ୍ଠ  ଅଧିକାରୀମାନେ  ବୈଠକରେ ଅଂଶଗ୍ରହଣ କରିଥିଲେ ।

ଉମାକାନ୍ତ ମହାପାତ୍ର,

ସୂଚନା ଅଧିକାରୀ, ମୁଖ୍ୟ ଶାସନ ସଚିବ